# APPENDIX A TO SCHEDULE – III

## ବଲାଙ୍ଗିର ପୌର ପରିଷଦ

ପତ୍ର ସଂଖ୍ୟା...୧୦୨୦...... ତାରିଖ...୧୦.୨.୨୦୨୨

### ପ୍ରେସ ବିଜ୍ଞପ୍ତି

ବଲାଙ୍ଗିର ପୌର ପରିଷଦ ନିର୍ବାଚନ ନିମନ୍ତେ ଭୋଟର ତାଲିକା ପ୍ରସ୍ତୁତି ପାଇଁ ରାଜ୍ୟ ନିର୍ବାଚନ କମିଶନ ନିର୍ଦ୍ଦେଶ ପ୍ରଦାନ କରିଛନ୍ତି । ଜାନୁଆରୀ ୨୦୨୨ ରେ ପ୍ରକାଶିତ ବିଧାନ ସଭା ଭୋଟର ତାଲିକାକୁ ଭିତ୍ତିକରି ପ୍ରାଥମିକ ଭୋଟର ତାଲିକା ବଲାଙ୍ଗିର ପୌର ପରିଷଦର କାର୍ଯ୍ୟାଳୟରେ ପ୍ରକାଶନ କରାଯାଇଛି ଏବଂ ସର୍ବସାଧାରଣଙ୍କ ପରିଦର୍ଶନ ପାଇଁ ଉକ୍ତ ଭୋଟର ତାଲିକା ପୌର ପରିଷଦର କାର୍ଯ୍ୟାଳୟ ରେ ତାରିଖ ୧୧.୦୨.୨୦୨୨ ରୁ ତାରିଖ ୧୫.୦୨.୨୦୨୨ ପର୍ଯ୍ୟନ୍ତ ଉନ୍ମୁକ୍ତ ରହିବ । ଭୋଟର ମାନଙ୍କୁ ଜଣାଇ ଦିଆଯାଉଛି ଯେ ତାଙ୍କର ନାମ ସଂପୃକ୍ତ ୱାର୍ଡରେ ଠିକ ଭାବେ ଭୋଟର ତାଲିକାଭୁକ୍ତ ହୋଇଛି କି ନାହିଁ ତନଖି କରିନିଅନ୍ତୁ । ଯଦି କୌଣସି ଭୋଟରଙ୍କ ନାମ ବିଧାନ ସଭା ଭୋଟର ତାଲିକାଭୁକ୍ତ ଥାଇ ୱାର୍ଡୱାରୀ ପ୍ରସ୍ତୁତ ହୋଇଥିବା ପୌର ପରିଷଦ ଭୋଟର ତାଲିକାରେ ସ୍ଥାନ ପାଇ ନ ଥାଏ ତେବେ ଭୋଟର ତାଲିକାରେ ନାମ ଅନ୍ତର୍ଭୁକ୍ତ, ସଂଶୋଧନ କରିବା ପାଇଁ ଫାରମ ନଂ III ରେ ଦରଖାସ୍ତ ନିମ୍ନ ସ୍ୱାକ୍ଷରକାରୀଙ୍କ କାର୍ଯ୍ୟାଳୟରେ ତାରିଖ ୧୧.୦୨.୨୦୨୨ ରୁ ତାରିଖ ୧୬.୦୨.୨୦୨୨ ମଧ୍ୟରେ ଦାଖଲ କରିପାରିବେ ଏବଂ ଯେଉଁମାନଙ୍କର ନାମ ଭୁଲ ୱାର୍ଡରେ ଅନ୍ତର୍ଭୁକ୍ତ ହୋଇଥିବ ସେମାନେ ମଧ୍ୟ ସଂଶୋଧନ ପାଇଁ ଫାରମ ନଂ IV ରେ ଦରଖାସ୍ତ ତାରିଖ ୧୧.୦୨.୨୦୨୨ ରୁ ତାରିଖ ୧୬.୦୨.୨୦୨୨ ମଧ୍ୟରେ ଦାଖଲ କରି ପାରିବେ । ପ୍ରାଥମିକ ଭୋଟର ତାଲିକାରେ ଅନ୍ତର୍ଭୁକ୍ତ ହୋଇଥିବା କୌଣସି ଭୋଟରଙ୍କର ନାମ ସଂପର୍କରେ ଆପତ୍ତି ଫାରମ ନଂ IV ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟରୁ ବିନା ମୂଲ୍ୟରେ ମିଳିପାରିବ । ଯଦି ନିର୍ଦ୍ଧାରିତ ଛାପା ଫାରମ ନ ମିଳେ, ତେବେ ତାହାର ଅବିକଳ ନକଲ ହାତରେ ଲେଖି ଅଥବା ଟାଇପ, ଫୋଟକପି କିମ୍ବା ସାଇକ୍ଲୋଷ୍ଟାଇଲ କରି ନିର୍ଦ୍ଧାରିତ ସମୟସୀମା ମଧ୍ୟରେ ଦାଖଲ କରିପାରିବେ ।

10/2/2022

ନୀର୍ବାଚନ ଅଧିକାରୀ
ପୌର ପରିଷଦ, ବଲାଙ୍ଗିର

Election Officer
Balangir Municipality